ଗ୍ରାମୀଣ କୃଷି ମୌସୁମୀ ସେବା

ଭାରତୀୟ ପାଣିପାଗ ବିଭାଗ

ଓଡ଼ିଶା କୃଷି ଓ ୍ଯୈଷୟିକ ଫିଶ୍ୱଫିଦ୍ୟା□ୟ

ଭୁବନେଶ୍ୱର, ଓଡ଼ିଶା

# କୃଷି ଉପଦେଶ ପ୍ରସାରିତ ସମାଚାର

ତାରିଖ : 30-12-2025

କେନ୍ଦ୍ରାପଡା(ଓଡିଶା) - :2025-12-30 ( ଆସନ୍ତା ପାଞ୍ଚଦିନର ୦୮.୩୦ ଭାରତୀୟ ମାନକ ସମୟ ପର୍ଯ୍ୟନ୍ତ)

| ପାଣିପାଗ କାରକ | 2025-12-31 | 2026-01-01 | 2026-01-02 | 2026-01-03 | 2026-01-04 |
|---|---|---|---|---|---|
| ବର୍ଷା (ମିମି) | 0.0 | 0.0 | 0.0 | 0.0 | 0.0 |
| ସର୍ବାଧିକ ତାପମାତ୍ରା (°ସେଲସିୟସ) | 27.0 | 27.0 | 28.0 | 28.0 | 29.0 |
| ସର୍ବନିମ୍ନ ତାପମାତ୍ରା (°ସେଲସିୟସ) | 12.0 | 12.0 | 13.0 | 13.0 | 13.0 |
| ଆପେକ୍ଷିକ ଆର୍ଦ୍ରତା I (ପ୍ରତିଶତ) | 86 | 89 | 90 | 90 | 85 |
| ଆପେକ୍ଷିକ ଆର୍ଦ୍ରତା II (ପ୍ରତିଶତ) | 43 | 46 | 47 | 47 | 42 |
| ପବନର ବେଗ (କିମି ପ୍ରତି ଘଣ୍ଟା) | 8 | 8 | 6 | 5 | 7 |
| ପବନର ଦିଗ (ଡିଗ୍ରୀ) | 328 | 287 | 310 | 307 | 311 |
| ମେଘାଚ୍ଛନ (ଅକ୍ଟା) | 3 | 4 | 3 | 2 | 2 |
| ସତର୍କବାଣୀ | କୁହୁଡ଼ି | କୁହୁଡ଼ି | କୁହୁଡ଼ି | କୌଣସି ସତର୍କତା ନାହିଁ | କୁହୁଡ଼ି |

## ପୂର୍ବାନୁମାନ ସାରାଂଶ:

ଭାରତୀୟ ପାଣିପାଗ ବିଭାଗ ର ପୂର୍ବନୁମାନ ଅନୁସାରେ, ଜିଲ୍ଲାରେ ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ ପାଗ ଶୁଖିଲା ରହିବାର ସମ୍ଭାବନା ରହିଅଛି । ଆଗାମୀ ୫ ଦିନ ପର୍ଯ୍ୟନ୍ତ ଆକାଶ ମୁଖ୍ୟତଃ ପରିଷ୍କାର ରୁ ଆଂଶିକ ମେଘୁଆ ରହିବାର ସମ୍ଭାବନା ରହିଛି । ଆଗାମୀ ୫ ଦିନ ପର୍ଯ୍ୟନ୍ତ ପବନ ୦୫ – ୦୮ କି.ମି. ପ୍ରତି ଘଣ୍ଟା ବେଗରେ ପ୍ରବାହିତ ହେବାର ସୂଚନା ରହିଛି । ଆଗାମୀ ୫ ଦିନ ପର୍ଯ୍ୟନ୍ତ ସର୍ବୋଚ୍ଚ ତାପମାତ୍ରା ୨୭ – ୨୯ °C ମଧ୍ୟରେ ରହିବାର ସମ୍ଭାବନା ଥିବାବେଳେ ସର୍ବନିମ୍ନ ତାପମାତ୍ରା ୧୨ – ୧୩ °C ମଧ୍ୟରେ ରହିବାର ସମ୍ଭାବନା ରହିଅଛି ।

## ଆବହାବିକ ସତର୍କତା (ପରବର୍ତ୍ତୀ ଦିନ 08:30 IST ଯାଁଚାଯିବାକୁ):

ଆଗାମୀ ଶନିବାର ଦିନ ବ୍ୟତୀତ ଅନ୍ୟ ଦିନ ମାନଙ୍କରେ କୁହୁଡିର ସତର୍କତା ଚେତାବନୀ ରହିଛି ।

## ଆବହାବିକ ସତର୍କତାର କୃଷି ଉପରେ ସମ୍ଭାବ୍ୟ ପ୍ରଭାବ ଓ ସଂଶ୍ଳିଷ୍ଟ ଏଗ୍ରୋମେଟ ପରାମର୍ଶ:

ନାହିଁ

### ସାଧାରଣ ଉପଦେଶ:

| |
|---|
| □ ପାଣିପାଗ ବିଭାଗ, ଭୁବନେଶ୍ୱରର ପୂର୍ବାନୁମାନ ଅନୁସାରେ, ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ ଜଗତସିଙ୍ଘପୁର, କେନ୍ଦ୍ରାପଡା, ଖୋର୍ଦ୍ଧା ଓ ପୁରୀ ଜିଲ୍ଲାରେ ପାଗ ଶୁଖିଲା ରହିବାର ସମ୍ଭାବନା ରହିଅଛି । □ ବିଳମ୍ବ ଶୀତ ଦିନିଆ କୋବି ଫସଲ ପାଇଁ ତଳି ପକାଉଥିଲେ ତଳିଘେରାର ତାପମାତ୍ରା ଅଧିକ ରଖିବା ପାଇଁ ବିହନ ଲଗାଇ ନଡା ଦ୍ୱାରା ଆଚ୍ଛାଦନ କରନ୍ତୁ କିମ୍ବା ପଲିଥିନ୍ ରେ ତଳିଘେରାକୁ ରାତି ସମୟରେ ଘୋଡାଇ ସକାଳୁ ବାହାର କରିଦିଅନ୍ତୁ । □ ଡାଲୁଅ ଧାନ ର ବୁଣାବୁଣି କାର୍ଯ୍ୟ ଜାରି ରଖନ୍ତୁ । ଧାନ ତଳିଘେରାକୁ ରାତ୍ରି ସମୟ ରେ ପଲିଥିନ ସାହାଯ୍ୟରେ ଘୋଡାଇ ରଖନ୍ତୁ । □ ଶିତ ଲହରୀ ରୁ ରକ୍ଷା କରିବା ପାଇଁ ସନ୍ଧ୍ୟା ସମୟରେ ତଳିଘେରା କୁ ବୋରେୱେଲ ପାଣି ଦ୍ୱାରା ଜଳସେଚନ କରନ୍ତୁ ଏବଂ ଠିଆ ପାଣି କାଟି ଦେଇ ମାଟି କୁ ଓଦା ରଖନ୍ତୁ । □ ତଳିଘେରା କୁ ଥଣ୍ଡା ବାଉରୁ ରକ୍ଷା କରିବା ପାଇଁ ତଳିଘେରା ଉପରେ ଶୁଖିଲା ଗୋବର ଖତ ଗୁଣ୍ଡର ଏକ ପତଳା ଆସ୍ତରଣ ପକାନ୍ତୁ। □ ସକାଳ ଓ ସନ୍ଧ୍ୟା ସମୟରେ ଶୀତ ଦିନିଆ ପନିପରିବା ରେ ଜଳ ସେଚନ କରନ୍ତୁ । □ ସୂର୍ଯ୍ୟମୁଖୀ ଫସଲ ବର୍ତମାନ ୨୫-୩୦ ଦିନ ଅବଧିରେ ଅଛି । କୋଡାଖୋସା କରି ଘାସ ବାଛି ଯବକ୍ଷାରଜାନ ଯୁକ୍ତ ସାର କୁ ପ୍ରୟୋଗ କରନ୍ତୁ । □ ମାଟି ତଳେ ଆଳୁ ଭଲ ଭାବେ ବଢିବା ପାଇଁ ମାଟି ତାପମାତ୍ରା ୩୦°C ରୁ କମ୍ ରହିବା ଉଚିତ । ତେଣୁ ଆଳୁ ଫସଲରେ ଜଳସେଚନ କରନ୍ତୁ । □ କମ ତାପମାତ୍ରା ଯୋଗୁଁ ରବି ଫସଲରେ ଶୋଷକ କୀଟ, ପତ୍ରପୋଡା ଓ ପାଉଁଶିଆ ରୋଗ ଲାଗିବାର ସମ୍ଭାବନା ରହିଛି । ତେଣୁ ନିୟମିତ ଫସଲରେ ପୋକ ଏବଂ ରୋଗର ସର୍ବେକ୍ଷଣ କରନ୍ତୁ ଏବଂ ସେହି ଅନୁଯାୟୀ ଉପଯୁକ୍ତ ସୁରକ୍ଷା ପଦକ୍ଷେପ ନିଅନ୍ତୁ । □ କୁକୁଡା ରଖିବା ଘରେ ଉତ୍ତାପ ବଜାୟ ରଖିବା ପାଇଁ ରୁମ ହିଟର କିମ୍ବା ୨୦୦ ୱାଟ ବଲ୍ ଲଗାନ୍ତୁ । |

### ମୋବାଇଲ ରେ ପଠାଯାଉଥିବା ସଂକ୍ଷିପ୍ତ ଉପଦେଶ:

| |
|---|
| □ ବିଳମ୍ବ ଶୀତ ଦିନିଆ କୋବି ଫସଲ ପାଇଁ ତଳି ପକାଉଥିଲେ ତଳିଘେରାର ତାପମାତ୍ରା ଅଧିକ ରଖିବା ପାଇଁ ବିହନ ଲଗାଇ ନଡା ଦ୍ୱାରା ଆଚ୍ଛାଦନ କରନ୍ତୁ କିମ୍ବା ପଲିଥିନ୍ ରେ ତଳିଘେରାକୁ ରାତି ସମୟରେ ଘୋଡାଇ ସକାଳୁ ବାହାର କରିଦିଅନ୍ତୁ । |

### ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଧାନ | □ ତଳିଘେରା ପରିଚାଳନା- ଡାଲୁଅ ଧାନ ପାଇଁ କାଦୁଅ ତଳିଘେରା ପ୍ରସ୍ତୁତ କରନ୍ତୁ । ତଳିଘେରା ପାଇଁ ନିର୍ବାଚିତ ଜମିକୁ ୩ ରୁ ୪ ଓଡ ଚାଷ କରି ୨ ରୁ ୩ ଦିନ ପର୍ଯ୍ୟନ୍ତ ପାଣି ଭତି କରି ରଖନ୍ତୁ । ଏହା ପରେ ତଳିଘେରା କୁ ଭଲଭାବରେ କାଦୁଅ କରି ମଇ ଦେଇ ସମତୁଲ କରି ଦିଅନ୍ତୁ । ଶେଷ ଓଡ ଚାଷ ବେଳକୁ ୨୦୦ କିଲୋଗ୍ରାମ କମ୍ପୋଷ୍ଟ କିମ୍ବା ସଢା ଗୋବର ଖତ, ୪ କିଲୋଗ୍ରାମ DAP, ୪ କିଲୋଗ୍ରାମ ମ୍ୟୁରେଟ ଅଫ ପଟାସ ସାର ପ୍ରୟୋଗ କରନ୍ତୁ । ତଳିଘେରା କୁ ସୁବିଧା ଅନୁସାରେ ଲମ୍ବା ରଖି ଛୋଟ ଛୋଟ ପଟାଳି କରନ୍ତୁ । ପଟାଳି ମଝିରେ ଜଳସେଚନ ପାଇଁ ୩୦ ସେ.ମି ଚଉଡା ନାଳି ରଖନ୍ତୁ । ପଟାଳିର ପ୍ରତି ବର୍ଗ ମିଟର ପିଛା ୪୦-୫୦ ଗ୍ରାମ ବିଶୋଧିତ ଗଜା ଧାନକୁ, ଧାଡିରେ ପ୍ରତି ୫ ସେ.ମି ବ୍ୟବଧାନ ରେ ବୁଣନ୍ତୁ । □ ବିହନ ବିଶୋଧନ- ଧାନ ବିହନ ବିଶୋଧନ କରିବା ପାଇଁ ପ୍ରତି କିଲୋଗ୍ରାମ ଧାନ ବିହନ ରେ ୨ ଗ୍ରାମ Carbendazim କିମ୍ବା ୩ ଗ୍ରାମ Carboxin ଏବଂ Thiram ର ମିଳିତ ଫିମ୍ପିନାଶକ ମିଶାଇ ବିଶୋଧନ କରନ୍ତୁ । |
| ବିରି | □ ସାହେବୀ ରୋଗ ବର୍ତମାନ ସମୟରେ ମୁଗ ଓ ବିରି ଫସଲ ରେ ସାହେବୀ ରୋଗ ଲାଗିବାର ସମ୍ଭାବନା ଅଛି । ଧଳା ମାଛି, ସାହେବୀ ରୋଗ ର ବାହକ ଅଟେ । ଧଳା ମାଛି ର ନିୟନ୍ତ୍ରଣ ପାଇଁ ଏକର ପ୍ରତି triazophos @ ୪୦୦ ମିଲି କିମ୍ବା Acetamipride @ ୪୦ ଗ୍ରାମ, ୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ । |
| ବାଦାମ | □ ବର୍ତ୍ତମାନ୍ ପାଗରେ ଶୋଷକ କୀଟ ଯଥା ଜଉ, ପତ୍ରଡିଆଁ, ଧଳମାଛି ଭଳି ପୋକ ଅଧିକ ସକ୍ରିୟ ରୁହନ୍ତି। ନିରୀକ୍ଷଣ ଏବଂ ନିୟନ୍ତ୍ରଣ ପାଇଁ ଏକର ପିଛା ୮ ଟି ଅଠା ଲାଗିଥିବା ହଳଦିଆ ଜନ୍ତା (Yellow Sticky Trap) ଲଗାନ୍ତୁ। ସଂକ୍ରମଣର ପ୍ରାଥମିକ ଅବସ୍ଥାରେ ୫ ମି.ଲି ନିମ୍ବ ତେଲ ଆଧାରିତ କୀଟନାଶକ ଆଜାଡିରାକ୍ଟିନ୍ ୦.୦୩% (୩୦୦ ପିପିଏମ୍) କୁ ୧ ଲିଟର ପାଣିରେ ମିଶ୍ରଣ କରି ସିଞ୍ଚନ କରନ୍ତୁ । |

### ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଉଦ୍ୟାନକୃଷି | ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ବାଇଗଣ | □ ପତ୍ର ଖିଆ ଓ ଫଳ ବିନ୍ଧା ପୋକ ବାଇଗଣ ରେ ପତ୍ର ଖିଆ ଓ ଫଳ ବିନ୍ଧା ପୋକ ର ନିୟନ୍ତ୍ରଣ ପାଇଁ ଏକର ପ୍ରତି Emamectin benzoate @ ୮୦ ଗ୍ରାମ କିମ୍ବା Spinosad @ ୮୦ ମିଲି , ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । □ ଫଳ ଓ କାଣ୍ଡ ବିନ୍ଧା ପୋକ ବାଇଗଣ ରେ ଫଳ ଓ କାଣ୍ଡ ବିନ୍ଧା ପୋକ ର ନିୟନ୍ତ୍ରଣ ପାଇଁ ପ୍ରାଥମିକ ସ୍ତର ରେ ଏକର ପ୍ରତି ନିମ୍ବ ଆଧାରିତ ତେଲ ୧୫୦୦ ପିପିଏମ @ ୬୦୦ ମିଲି ସିଂଚନ କରନ୍ତୁ । ପରେ Spinosad ୪୫% SC @ ୭୦ ମିଲି କିମ୍ବା Thiodicarb @ ୩୦୦ ଗ୍ରାମ, ୨୦୦ ଲିଟର ପାଣିରେ ମିଶାଇ ୧୫ ଦିନ ଅନ୍ତରରେ ଅଦଳବଦଳ କରି ସିଂଚନ କରନ୍ତୁ । |
| ବନ୍ଧାକୋବି | □ କୋବି ଜାତୀୟ ପନିପରିବା ଫସଲରେ ଅଲ୍ଟରନାରିଆ ପତ୍ରଦାଗ ରୋଗର ପରିଚାଳନା ପାଇଁ ଏକର ପ୍ରତି ୬୦୦ ଗ୍ରାମ Mancozeb କିମ୍ବା ୪୦୦ ଗ୍ରାମ Carbendazim ଓ Mancozeb ର ମିଳିତ ଫିମ୍ପିନାଶକକୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ଟମାଟର | □ ଝାଉଁଳା ରୋଗ: ବାୟୁମଣ୍ଡଳରେ ଆର୍ଦ୍ରତା ଅଧିକ ରହୁଥିବାରୁ ଟମାଟୋ ଗଛରେ ଝାଉଁଳା ରୋଗ ଦେଖା ଦେଇପାରେ । ଲକ୍ଷଣ ଦେଖା ଦେଲେ ୧ ଲିଟର ପାଣିରେ ୨ ଗ୍ରାମ ମାଙ୍କୋଜେବ ୭୫% ଡବ୍ଲୁ.ପି କୁ ମିଶ୍ରଣ କରି ସିଞ୍ଚନ କରନ୍ତୁ । □ ଫଳ ଓ କାଣ୍ଡବିନ୍ଧା ପୋକ: ନିୟନ୍ତ୍ରଣ ପାଇଁ ଅଙ୍ଗୀୟ ଅବସ୍ଥାରେ ଏକର ପ୍ରତି ୮ ଟି ଲେଖାଏଁ ଫେରୋମୋନ ଟ୍ରାପ ବ୍ୟବହାର କରନ୍ତୁ । |
| ଆଳୁ | □ ଜଉ ପୋକ ଓ ସବୁଜ ପତ୍ର ଡିଆଁ ପୋକ ପରିଚାଳନା- ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୬୦୦ ମିଲି ନିମ୍ବ ଆଧାରିତ କୀଟନାଶକ ୧୫୦୦ ପିପିଏମ Azadirachtin କୁ ୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ। ରାସାୟନିକ ଉପାୟରେ ଏହି ପୋକ ଗୁଡିକ ର ପରିଚାଳନା ପାଇଁ ଏକର ପ୍ରତି ୪୦ ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୮୦ଗ୍ରାମ Dinotefuran ନାମକ କୀଟନାଶକ କିମ୍ବା ୬୦ଗ୍ରାମ Flonicamidନାମକ କୀଟନାଶକ, ୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ। |
| ମରିଗଲଦ | □ ଜୈବିକ ଉପାୟରେ ପତ୍ରଖିଆ ପୋକ ର ପରିଚାଳନା ପାଇଁ ଏକର ପ୍ରତି ୬ ଟି ଲେଖା ସଂଘ ଆକର୍ଷକ Pheromone ଯନ୍ତା Spodolure ବ୍ୟବହାର କରନ୍ତୁ କିମ୍ବା ଏକର ପ୍ରତି ୫ ଟି ଆଲୋକ ଯନ୍ତା ବସାନ୍ତୁ। ଏକର ପ୍ରତି ୫୦୦ ଗ୍ରାମ Bacillus Thuringiensis କିମ୍ବା ୧ କିଲୋଗ୍ରାମ Beauveria bassiana କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ରସାୟନିକ ଉପାୟରେ ଏହି କୀଟର ପରିଚାଳନା ପାଇଁ ଏକର ପ୍ରତି ୪୦୦ ମି.ଲି Chlorpyriphos ଓ Cypermethrin ର ମିଳିତ କୀଟନାଶକ କିମ୍ବା ୩୦୦ ମି.ଲି Lambda Cyhalothrin ନାମକ କୀଟନାଶକ, ୨୦୦- ଲିଟର ପାଣିରେ ମିଶାଇ, ଉପରବେଳା ସିଂଚନ କରନ୍ତୁ । |

### ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ପଶୁ ପାଳନ | ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଛେଳି | □ ଶୀତଦିନେ PPR ରୋଗ 'ଛେଳି ମହାମାରୀ' ଭାବରେ ମଧ୍ୟ ଜଣା ଶୁଣା।ଏହି ଭାଇରାଲ୍ ରୋଗ ଯାହା ଛେଳି ଏବଂ ମେଣ୍ଢାକୁ ପ୍ରଭାବିତ କରେ ଯାହା ହଠାତ୍, ନିମୋନିଆ ଏବଂ କାଶ ସୃଷ୍ଟିକରେ । ପ୍ରଭାବିତ ପଶୁ ମାନେ ଅସ୍ଥିର ଦେଖାଯାନ୍ତି, ଏକ ଅଳିଆ କୋଟ, ଶୁଖିଲା ମୁହଁଏବଂ ଉଦାସୀନ ଭୋକ ଏହି ରୋଗର ଲକ୍ଷଣ । ଗର୍ଭବର୍ତୀ ପ୍ରାଣୀ ଗର୍ଭ ପାତ କରି ପାରନ୍ତି । ତେଣୁ ପଶୁ ମାନଙ୍କୁ ଉଚିତ ଟୀକାକରଣ କରନ୍ତୁ । |

### ମତ୍ସ୍ୟ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ମତ୍ସ୍ୟ ପାଳନ | ମତ୍ସ୍ୟ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଇଣ୍ଡିଆନ ମେଜର କାର୍ପ | □ ଶୀତ ଋତୁ ରେ ମାଛ ମାନଙ୍କ ଦେହରେ କବକ, ବୀଜାଣୁ ଓ ପରଜୀବୀ ଜନିତ ରୋଗ ଦେଖାଯାଇଥାଏ । ଏହି ରୋଗମାନଙ୍କର ନିରାକରଣ ପାଇଁ ଏକ ଏକର ପୋଖରୀ ପ୍ରତି CIFAX @ ୪୦୦ ମିଲି ୪୦ ଲିଟର ପାଣି ରେ ମିଶାଇ ବିଶୋଧନ କରନ୍ତୁ । ପ୍ରତି ଦିନ ମାଛ ମାନଙ୍କୁ ତେଲ ପିଡିଆ ଖାଇବାକୁ ଦିଅନ୍ତୁ । |

**ଆବହାବିକ ସତର୍କତାର ସମ୍ଭାବ୍ୟ ପ୍ରଭାବ (ସାଧାରଣ):**

| |
|---|
| ନାହିଁ |

**ପ୍ରଭାବ ଆଧାରିତ ପରାମର୍ଶ (ସାଧାରଣ):**

| |
|---|
| ନାହିଁ |

**Farmers are advised to download Unified �Mausam� and "Meghdoot" android application on mobile for Weather forecast and weather based Agromet Advisories and "Damini" android application for forecast of Thunderstorm and lightening.**

**Mausam MobileApp link: https://play.google.com/store/apps/details/**

**Meghdoot MobileApp link: https://play.google.com/store/apps/details**

**Damini MobileApp link : https://play.google.com/store/apps/details**